# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1635 CUTTACK, SATURDAY, SEPTEMBER 1, 2018/BHADRA 10, 1940**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

No. 28372-RDM-LAA-JAJ-0008-2018-R&DM, Dated. 01-08-2018

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ଯାଜପୁର ଜିଲ୍ଲାର ରେଙ୍ଗାଳୀ ବାମ ପାର୍ଶ୍ୱ କେନାଲ ର କୋରେଇ ଶାଖା କେନାଲ ନିର୍ମାଣ ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା- **କିଆପଦା**, ଥାନା- କୋରେଇ ସଂ.୧ ,ତହସିଲ- ବ୍ୟାସନଗର, ଜିଲ୍ଲା- ଯାଜପୁର ରେ ନିମ୍ନ ତଫସିଲ ମତେ ପ୍ରାୟ **ଏ. ୧.୫୧** ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି;

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR &R Act, 2013) ର ୧୧(୧) ଧାରା ରେ ଭାରପ୍ରାପ୍ତ ହୋଇ ସରକାର ଏତଦ୍ୱାରା ନିମ୍ନ ଅନୁସୂଚୀ ରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ  କ୍ଷତିପୂରଣ ଅଧିକାର ଏବଂ  ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର  ଧାରା ୧୧(୧) ର  ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚୀତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ  କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ  ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ  ।

**<u>ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ</u>**

**୧ - ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ**- ରେଙ୍ଗାଲୀ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ ।

**୨ - ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ-** ନିର୍ବାହୀ ଯନ୍ତ୍ରୀ, ବାମ ପାର୍ଶ୍ୱ କେନାଲ ଡିଭିଜନ, ସୁକିନ୍ଦା ।

**୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ-** ସାର୍ବଜନୀନ ଉଦ୍ଦେଶ୍ୟରେ ର ରେଙ୍ଗାଲୀ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ  କାର୍ଯ୍ୟକାରି କରିବା।

**୪- ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ-**  ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ।

**୫- ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ-** ଉପ ଜିଲ୍ଲାପାଳ,  ଯାଜପୁର ।

**୬- ଜମିର ବିବରଣୀ-**

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟ୍ ର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତ୍ ର ନାମ |
|---|---|---|---|---|---|---|---|---|
| ଯାଜପୁର | ବ୍ୟାସନଗର | କିଆପଦା | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ. ୬.୨୨ | ଏ. ୧.୫୧ | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, ସୁକିନ୍ଦା, ଯାଜପୁର କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି **ଯାଜପୁର** ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

**ଜମି ଅନୁସୂଚି**

| କ୍ର ନଂ. | ଖତିୟାନ ନଂ. | ପ୍ଲଟ ନଂ. | ପ୍ଲଟର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ | ମନ୍ତବ୍ୟ |
|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ |
| ୧ | ୩୩ | ୧୦୦୦ | ୪.୭୫ | ୧.୨୩ | କି ଁନ ମହାକୁଡ ପିତା-ନାରଣ ମହାକୁଡ, ଜା:ଗୋପାଳ, ବା:ନିଜଗାଁ | |
| ୨ | ୨୦୧ | ୧୦୦୩ | ୧.୪୭ | ୦.୨୮ | ରଘୁନାଥ ଦାସ ପିତା-ପହଲି ଦାସ ଜା:ଗୋପାଳ, ବା:ନିଜଗାଁ | |
| | | | ମୋଟ | ୧.୫୧ | | |

**ଗ୍ରାମର ମୋଟ ପ୍ଲଟ ସଂଖ୍ୟା : ୨ (ଦୁଇ), ମୋଟ ଅଧିଗୃହିତ ଜମି : ୧.୫୧ ଏକର**

ରାଜ୍ୟପାଳଙ୍କ ଆଦେଶକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and Published by the Director,Directorate of Printing, Stationery and Publication, Odisha, Cuttack-10
Ex. Gaz. 1112–173+20